# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1847 CUTTACK, WEDNESDAY, SEPTEMBER 26, 2018/ASWINA 4, 1940**


## କଟକ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

## ଅଧିସୂଚନା

File No SPL-LAO/Ch/29/18-145 Date_07.09.18

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ କଟକ ଜିଲ୍ଲାର ଭଦ୍ରକ-ନୁର୍ଗୁଣ୍ଡୀ ୩ୟ ରେଳପଥ ନିର୍ମାଣ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା ରାନ୍ଦିଆ, ଥାନା– ଭଦ୍ରକ, ଥାନା ନଂ.୬୩, ତହସିଲ– ଭଦ୍ରକ, ଜିଲ୍ଲା– ଭଦ୍ରକ ରେ ନିମ୍ନ ତଫସିଲ ମତେ ପ୍ରାୟ ଏ. ୦.୨୯୬ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ୧୧(୧) ଧାରା ରେ ଭାରପ୍ରାପ୍ତ ହୋଇ ସରକାର (Appropriate Government) ଏତଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚୀତ ଜମିର ଉପଯୋଗୀତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧. ସାର୍ବଜନୀନ ଉଦ୍ଦେଶ୍ୟରେ ସ୍ୱରୁପ - ଭଦ୍ରକ-ନୁର୍ଗୁଣ୍ଡୀ ୩ୟ ରେଳପଥ ପ୍ରକଳ୍ପ ନିର୍ମାଣ ନିମନ୍ତେ ।

୨. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ- ଉପମୁଖ୍ୟଯନ୍ତ୍ରୀ (ନିର୍ମାଣ ୨) ପୂର୍ବ ପଟ ରେଳପଥ ଯାଜପୁର କେନ୍ଦୁଝର ରୋଡ, ଯାଜପୁର ।

୩. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ- ସାର୍ବଜନୀନ ଉଦ୍ଦେଶ୍ୟରେ ଭଦ୍ରକ-ନୁର୍ଗୁଣ୍ଡୀ ୩ୟ ରେଳପଥ ପ୍ରକଳ୍ପ ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ କରିବା ।

୪. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ ଓଡିଶା ସରକାର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଘୋଷଣାନାମା ଚିଠି ନଂ ୨୦୦୮/ R&DM ୦୧.୦୬.୨୦୧୮ ପ୍ରକାରେ ଭୂମି ଅଧିକରଣ ନିମନ୍ତେ ୮(୨) ଧାରାରେ ଅନୁମୋଦନ ହୋଇଅଛି ।

୫. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ- ଉପ ଜିଲ୍ଲାପାଳ, ଭଦ୍ରକ ।

୬. ଜମିର ବିବରଣୀ –

| ଜିଲ୍ଲା | ତହସିଲ | ଗ୍ରାମ | **ଗ୍ରାମାଞ୍ଚଳ/ ସହରାଞ୍ଚଳ** | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍‌ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ଭଦ୍ରକ | ଏଥିସହ ଭୂମି ଅନୁସୂଚୀ ସଂଲଗ୍ନ କରାଯାଇଅଛି । | | | | | | | |

ଉକ୍ତ ଅଧିସୂଚୀତ ଜମି ରକବା ମଧ୍ୟରୁ ଏ. ---- ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ, ଭଦ୍ରକ-ନୁର୍ଗୁଣ୍ଡୀ ୩ୟ ରେଳପଥ ପ୍ରକଳ୍ପଙ୍କ କାର୍ଯ୍ୟାଳୟ, ଚଣ୍ଡିଖୋଲରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ଭଦ୍ରକ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ଭୂମି ଅନୁସୂଚୀ

**ବ୍ୟକ୍ତିଗତ ଜମି -**

| କ୍ରମିକ ନଂ | ଖତିୟାନ ନଂ | ପ୍ଲଟ ନଂ | କିସମ | ମୋଟ ରକବା (ଏକରରେ) | ଅଧିଗ୍ରହଣ ରକବା (ଏକରରେ) | ଅଭିଲିଖିତ ରୟତଙ୍କ ନାମ |
|---|---|---|---|---|---|---|
| ୧ | ୪୧୧/୩୬ | ୬୬୧ | ପତିତ | ୦.୫୨୦ | ୦.୧୧୬ | ବିନତା ନାୟକ ସ୍ୱା- ରାହାସ ବିହାରୀ ନାୟକ, ବା- ପୁରୁଣିଆ, ଥା- ଆନନ୍ଦପୁର |
| ୨ | ୪୧୧/୨୯୦ | ୬୬୦ | ପତିତ | ୦.୧୮୦ | ୦.୧୮୦ | ବନ୍ଧୁଆ ମୁଣ୍ଡା, ପି- ଗୋବିନ୍ଦ ମୁଣ୍ଡା, ଜାତି- କୋହ୍ଲ, ବା- ନିଜଗାଁ |
| | | | | **ମୋଟ** | ୦.୨୯୬ | |

ରାଜ୍ୟପାଳଙ୍କ ଆଦେଶ କ୍ରମେ
ଜ୍ଞାନ ଦାଶ
ଭଦ୍ରକ ଜିଲ୍ଲାପାଳ

Printed and Published by the Director,Directorate of Printing, Stationery and Publication, Odisha, Cuttack-10
Ex. Gaz. 1324–173+15